**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**6 July – 2024**

# ରାଷ୍ଟ୍ରପତିଙ୍କ ଗସ୍ତ

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆଜିଠାରୁ ୪ ଦିନିଆ ଓଡ଼ିଶା ଗସ୍ତରେ ଆସୁଛନ୍ତି । ରାଷ୍ଟ୍ରପତି ଆଜି ସନ୍ଧ୍ୟାରେ ଭୁବନେଶ୍ୱରରେ ପହଞ୍ଚିବା ପରେ ଜୟଦେବ ଭବନଠାରେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ୯୬ତମ ଶ୍ରାଦ୍ଧୋତ୍ସବ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଯୋଗଦେବେ । ରାଷ୍ଟ୍ରପତି ରାଜଭବନରେ ଆଜି ରାତ୍ରିଯାପନ ପରେ ଆସନ୍ତାକାଲି ସକାଳେ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ପୁରୀ ରଥଯାତ୍ରାରେ ଶ୍ରୀଜୀଉମାନଙ୍କୁ ଦର୍ଶନ କରିବେ ।

ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ସୋମବାର ଦିନ ଭୁବନେଶ୍ୱର ଉଦୟଗିରି ଗୁମ୍ଫା ପରିଦର୍ଶନ କରିବା ସହିତ ବିଭୂତି କାନୁନଗୋ କଳା ଓ ହସ୍ତଶିଳ୍ପ ମହାବିଦ୍ୟାଳୟ ଏବଂ ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ସହିତ ମତ ବିନିମୟ କରିବେ । ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ହରିଡ଼ାମଡ଼ା ଗାଁକୁ ଯାଇ ବ୍ରହ୍ମକୁମାରୀମାନଙ୍କର ଦିବ୍ୟ ରିଟ୍ରିଟ୍ କେନ୍ଦ୍ର ଉଦ୍‌ଘାଟନ କରିବେ । ଗସ୍ତର ଶେଷଦିନରେ ଶ୍ରୀମତୀ ମୁର୍ମୁ ଭୁବନେଶ୍ୱରସ୍ଥିତ ଜାତୀୟ ବିଜ୍ଞାନ ଶିକ୍ଷା ଓ ଗବେଷଣା ପ୍ରତିଷ୍ଠାନ-ନାଇଜରର ତ୍ରୟୋଦଶ ଦୀକ୍ଷାନ୍ତ ସମାରୋହରେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି ।

# ରଥଯାତ୍ରା

ଶ୍ରୀକ୍ଷେତ୍ର ପୁରୀରେ ଶ୍ରୀଜୀଉମାନଙ୍କର ବିଶ୍ୱପ୍ରସିଦ୍ଧ ରଥଯାତ୍ରା ଆସନ୍ତାକାଲି ଅନୁଷ୍ଠିତ ହେଉଛି । ଶ୍ରୀଜୀଉମାନଙ୍କ ଆଜି ସକାଳ ଧୂପ ନୀତି ଶେଷ ହେବା ପରେ ପଟିଦିଅଁଙ୍କଠାରୁ ତିନି ରଥକୁ ଆଜ୍ଞାମାଳ ବିଜେ କରାଯିବ । ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଏ ନେଇ ସ୍ୱତନ୍ତ୍ର ନୀତି ନିର୍ଘଣ୍ଟ ପ୍ରସ୍ତୁତ କରାଯାଇଛି । ଆଜ୍ଞାମାଳ ବିଜେ ନୀତି ଶେଷ ହେବା ପରେ ପ୍ରଥମେ ଶ୍ରୀ ଜଗନ୍ନାଥଙ୍କର ନନ୍ଦିଘୋଷ ଓ ପରେ ମା’ ସୁଭଦ୍ରାଙ୍କର ଦର୍ପଦଳନ ଓ ଶେଷରେ ବଳଭଦ୍ରଙ୍କର ତାଳଧ୍ୱଜ ରଥକୁ ପୋଲିସ୍ ଓ ଶ୍ରଦ୍ଧାଳୁମାନେ ରଥଖଳାରୁ ସିଂହଦ୍ୱାର ସମ୍ମୁଖକୁ ଟାଣିବେ ।

# ବଜେଟ୍

ସପ୍ତଦଶ ବିଧାନସଭାର ପ୍ରଥମ ତଥା ବଜେଟ ଅଧିବେଶନ ଆସନ୍ତା ୨୨ ତାରିଖରୁ ରାଜ୍ୟପାଳଙ୍କ ଅଭିଭାଷଣ ସହ ଆରମ୍ଭ ହେବ । ଦୁଇଟି ପର୍ଯ୍ୟାୟରେ ଏହି ଅଧିବେଶନ ସେପ୍ଟେମ୍ବର ମାସ ୧୩ ତାରିଖ ପର୍ଯ୍ୟନ୍ତ ଚାଲିବ । ଅଧିବେଶନରେ ମୋଟ୍ ୨୭ଟି କାର୍ଯ୍ୟଦିବସ ରହିଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆସନ୍ତା ୨୫ ତାରିଖରେ ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ବଜେଟ ଉପସ୍ଥାପନ କରିବେ । ଚଳିତ ମାସ ୨୩ ତାରିଖରେ ଉପବାଚସ୍ପତି  ପଦ ପାଇଁ ନିର୍ବାଚନ ଘୋଷଣା ହେବ ଏବଂ ୨୪ ତାରିଖରେ ଉପବାଚସ୍ପତି ନିର୍ବାଚନ ଅନୁଷ୍ଠିତ ହେବ ।  ଜୁଲାଇ ୨୯ ଓ ୩୦ ତାରିଖ ଦୁଇଦିନ ଧରି ବଜେଟ ଉପରେ ଆଲୋଚନା ହେବ । ଦ୍ୱିତୀୟ ପର୍ଯ୍ୟାୟରେ ବିଧାନସଭାର ଅଧିବେଶନ ଅଗଷ୍ଟ ୨୦ରୁ ଆରମ୍ଭ

ହୋଇ ବିଭାଗୀୟ ବଜେଟ୍ ଅନୁଦାନ ଉପରେ ଆଲୋଚନା ହେବ । ଏ ନେଇ ବିଧାନସଭା ସଚିବାଳୟ ପକ୍ଷରୁ କାର୍ଯ୍ୟସୂଚୀ ପ୍ରକାଶ ପାଇଛି ।

## ରତ୍ନଭଣ୍ଡାର

ଶ୍ରୀମନ୍ଦିର ରତ୍ନଭଣ୍ଡାର ଖୋଲିବାକୁ ନେଇ ରାଜ୍ୟ ସରକାରଙ୍କ ପକ୍ଷରୁ ଜଷ୍ଟିସ ବିଶ୍ୱନାଥ ରଥଙ୍କ ଅଧ୍ୟକ୍ଷତାରେ ଗଠିତ ଉଚ୍ଚସ୍ତରୀୟ ସ୍ୱତନ୍ତ୍ର କମିଟିର ବୈଠକ ଆଜି ବସିବ। ନୂଆ କମିଟିର ଏହା ପ୍ରଥମ ବୈଠକ ହେବ । ରତ୍ନଭଣ୍ଡାର ଖୋଲିବା ଏବଂ ମୂଲ୍ୟବାନ ଅଳଙ୍କାରଗୁଡ଼ିକର ଗଣତି-ମଣତି ପାଇଁ ବୈଠକରେ ବିସ୍ତୃତ ଆଲୋଚନା ହେବ। ସୂଚନାଯୋଗ୍ୟ ଭିତର ରତ୍ନଭଣ୍ଡାର ଖୋଲାଯିବା ତଥା ଏହାର ମରାମତି ଓ ରତ୍ନ ସଂରକ୍ଷଣ ନେଇ ଏକ ୧୬ ଜଣିଆ କମିଟି ଗଠନ କରାଯାଇଛି ।

# ମୁଖ୍ୟମନ୍ତ୍ରୀ ବୈଠକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗତକାଲି ଖାରବେଳ ଭବନଠାରେ ସମସ୍ତ ସଚିବମାନଙ୍କ ବୈଠକରେ ଯୋଗଦେଇ ନୂଆ ସରକାରଙ୍କ ଆଭିମୁଖ୍ୟ ସ୍ପଷ୍ଟ କରିବା ସହିତ ନିର୍ବାଚନ ପ୍ରତିଶ୍ରୁତି ପାଳନ ପାଇଁ ବିଧିବଦ୍ଧ କାର୍ଯ୍ୟକ୍ରମ ପ୍ରସ୍ତୁତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଲୋକଙ୍କ ଆଶା ଆକାଂକ୍ଷା ପୂରଣ କରିବା ଦିଗରେ ସେ ପ୍ରଶାସନିକ କଳର ସହଯୋଗ କାମନା କରିଛନ୍ତି । ସରକାର ଲୋକମାନଙ୍କ ପାଖରେ ୨୪ଘଣ୍ଟା ଉତ୍ତରଦାୟୀ ଏବଂ ଜନପ୍ରତିନିଧି ଭାବରେ ଲୋକଙ୍କ ଭିତରେ ରହିବା ପାଇଁ ସରକାର ପ୍ରତିବଦ୍ଧ ବୋଲି ସେ କହିଛନ୍ତି । ଲୋକମାନଙ୍କ ଅଭିଯୋଗ ଶୁଣାଣି ପ୍ରକ୍ରିୟାକୁ ଅଧିକ ଦକ୍ଷ ଓ ପ୍ରଭାବଶାଳୀ କରିବା ପାଇଁ ସେ ପରାମର୍ଶ

ଦେଇଛନ୍ତି । ଏଥିପାଇଁ ପ୍ରଯୁକ୍ତିବିଦ୍ୟା ସହିତ ଉପଯୁକ୍ତ ତଦାରଖ ବ୍ୟବସ୍ଥା ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି । ଓଡ଼ିଆ ଅସ୍ମିତା ପ୍ରସଙ୍ଗ ଉଠାଇ ମୁଖ୍ୟମନ୍ତ୍ରୀ ପ୍ରତ୍ୟେକ ବିଭାଗର କାର୍ଯ୍ୟକ୍ରମ ଓଡ଼ିଆ ଭାଷାରେ କରିବା ପାଇଁ ପଦକ୍ଷେପ ନେବା ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ପ୍ରଦାନ କରିଛନ୍ତି ।

## ସମୀକ୍ଷା

କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ରାଜ୍ୟ ପଞ୍ଚାୟତିରାଜ ପାନୀୟ ଜଳ ବିଭାଗ ମନ୍ତ୍ରୀ ରବିନାରାୟଣ ନାୟକ ଗତକାଲି ଦେବଗଡ଼ଠାରେ ଜିଲ୍ଲାପାଳ ଓ ପ୍ରଶାସନିକ ଅଧିକାରୀମାନଙ୍କ ସହିତ ସମୀକ୍ଷା ବୈଠକ କରିଛନ୍ତି । ବୈଠକରେ ଦେବଗଡ଼ ଜିଲ୍ଲାକୁ ଏକ ଆଦର୍ଶ ଜିଲ୍ଲା ଭାବରେ ପରିଣତ କରିବା ପାଇଁ ନିଷ୍ଠାର ସହିତ କାର୍ଯ୍ୟ କରିବା ସହ ବିକାଶ ନିମନ୍ତେ ପ୍ରୟାସ ଜାରି ରଖିବାକୁ ମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।  ଦେବଗଡ଼ ଜିଲ୍ଲାରେ ପାନୀୟ ଜଳ ସମସ୍ୟା ଦୂର କରିବା ପାଇଁ ବୈଠକରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା ।

## ନିଟ୍ ପିଜି ପରୀକ୍ଷା

ନିଟ୍ ପିଜି ପରୀକ୍ଷା ଅଗଷ୍ଟ ମାସ ୧୧ ତାରିଖରୁ ଆରମ୍ଭ ହୋଇ ୧୫ ତାରିଖ ପର୍ଯ୍ୟନ୍ତ ଦୁଇଟି ପର୍ଯ୍ୟାୟରେ ଅନୁଷ୍ଠିତ ହେବ । ନ୍ୟାଶନାଲ୍ ବୋର୍ଡ ଅଫ୍ ଏକ୍ଜାମିନେସନ୍ ଇନ୍ ମେଡ଼ିକାଲ ସାଇନ୍ସେସ୍ ପକ୍ଷରୁ ଏହାର ଘୋଷଣା କରାଯାଇଛି । ଦେଶରେ ପ୍ରାୟ ୭୦ ହଜାର ସିଟ୍ ପାଇଁ ୨ଲକ୍ଷରୁ ଅଧିକ ପରୀକ୍ଷାର୍ଥୀ ଆବେଦନ କରିଛନ୍ତି ।  ଜୁନ୍ ୨୩ ତାରିଖରେ ଏହି

ପରୀକ୍ଷା ହେବାର ଥିଲା । କୌଣସି କାରଣବଶତଃ ତାରିଖରେ ପରିବର୍ତ୍ତନ କରାଯାଇଥିବା ସୂଚନା ଦିଆଯାଇଛି ।

## ପାଣିପାଗ

ରାଜ୍ୟରେ ମୌସୁମୀର ପ୍ରଭାବରେ ଆଗାମୀ ୪ ଦିନ ପର୍ଯ୍ୟନ୍ତ ବିଭିନ୍ନ ଅଂଚଳରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି ବୋଲି ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ପକ୍ଷରୁ ସୂଚନା ମିଳିଛି। ଆଜି ୧୧ଟି ଜିଲ୍ଲାରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି।